# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
**31 May – 2025**

# କ୍ଷତିପୂରଣ

ଅଦିନିଆ ବର୍ଷାରେ କ୍ଷତିଗ୍ରସ୍ତ ଚାଷୀଙ୍କୁ ଖୁବ୍‌ଶୀଘ୍ର କ୍ଷତିପୂରଣ ଦିଆଯିବ ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି । ଏ ସମ୍ପର୍କରେ ସ୍ୱତନ୍ତ୍ର ରିଲିଫ କମିଶନରଙ୍କ କାର୍ଯ୍ୟାଳୟରେ ଆଭାସୀ ମାଧ୍ୟମରେ ଅନୁଷ୍ଠିତ ସମୀକ୍ଷା ବୈଠକରେ ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି କୃଷି ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ମିଳିତ ଭାବେ କ୍ଷୟକ୍ଷତିର ସର୍ଭେ କରାଯାଉଛି । ଜିଲ୍ଲାପାଳମାନେ ରିପୋର୍ଟ ପ୍ରଦାନ କରିବା ପରେ ସରକାର ପଦକ୍ଷେପ ଗ୍ରହଣ କରିବେ ବୋଲି ଶ୍ରୀ ପୂଜାରୀ କହିଛନ୍ତି ।

ସୂଚନା ଅନୁସାରେ ଗତ ୨୭ରୁ ୩୦ ତାରିଖ ମଧ୍ୟରେ ରାଜ୍ୟରେ ହାରାହାରି ୪୧ଦଶମିକ ୯ ମିଲିମିଟର ବର୍ଷା ରେକର୍ଡ ହୋଇଥିଲା । ଏହି ସମୟ ମଧ୍ୟରେ ୮ଟି ଜିଲ୍ଲାରେ ୫୦ ମିଲିମିଟରରୁ ଅଧିକ ବର୍ଷା ହୋଇଥିବା ଭୁବନେଶ୍ୱ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି ।

# ବିଶ୍ୱ ତମାଖୁ ନିରୋଧ ଦିବସ

ତମାଖୁ ସେବନ ଏବଂ ସ୍ୱାସ୍ଥ୍ୟପ୍ରତି ଏହାର କୁ-ପ୍ରଭାବ ସମ୍ବନ୍ଧରେ ଜନ ସଚେତନ ସୃଷ୍ଟି ଉଦ୍ଦେଶ୍ୟରେ ଆଜି ବିଶ୍ୱ ତମାଖୁ ନିରୋଧ ଦିବସ ପାଳନ କରାଯାଉଛି । ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ପକ୍ଷରୁ ୧୯୮୮ ମସିହାରୁ ପାଳନ କରାଯାଉଥିବା ଏହି ଦିବସର

ଚଳିତବର୍ଷର ବାର୍ତ୍ତା ରହିଛି **ତମାଖୁ ସେବନର ନିବେଦନକୁ ପ୍ରତ୍ୟାଖାନ କରିବା; ତମାଖୁର ପ୍ରଚାର ପ୍ରସାର କରୁଥିବା ବ୍ୟବସାୟିକ କୌଶଳର ସତ୍ୟତା ଲୋକଲୋଚନକୁ ଆଣିବା ।** ତମାଖୁରେ ୭ ହଜାରରୁ ଅଧିକ ବିଷାକ୍ତ ପଦାର୍ଥ ରହିଛି । ସେଥିମଧ୍ୟରୁ ୬୦ଟି ପଦାର୍ଥ କର୍କଟ ରୋଗ ସୃଷ୍ଟି କରିଥାଏ । ତମାଖୁ ସେବନ ଦ୍ୱାରା ଫୁସ୍‌ଫୁସ୍, ମୁଖଗହ୍ୱର ଏବଂ ଜିଭରେ କର୍କଟ ରୋଗ ହେବାର ଆଶଙ୍କା ରହିଥାଏ ବୋଲି ବିଶେଷଜ୍ଞମାନେ ମତପ୍ରକାଶ କରିଛନ୍ତି ।

## ସଚେତନତା ଅଭିଯାନ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ମଧ୍ୟାହ୍ନରେ ଭୁବନେଶ୍ୱର ଲୋକସେବା ଭବନରେ ନିଶାଦ୍ରବ୍ୟ ତଥା ଅପମିଶ୍ରିତ ଓ ବିଷାକ୍ତ ମାଦକ ଦ୍ରବ୍ୟ ବିରୋଧରେ ରାଜ୍ୟବ୍ୟାପୀ ସଚେତନତା ଅଭିଯାନ ଆମ ସଂକଳ୍ପର ଶୁଭାରମ୍ଭ କରିବେ । କାର୍ଯ୍ୟକ୍ରମରେ ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ମଧ୍ୟ ଉପସ୍ଥିତ ରହିବେ । ଆମ ସଂକଳ୍ପ ଅଭିଯାନ ରାଜ୍ୟରେ ଆସନ୍ତାମାସ ୨୬ ତାରିଖ ପର୍ଯ୍ୟନ୍ତ ଜାରି ରହିବ ।

## ସୌରଶକ୍ତି-ବୈଠକ

ରାଜ୍ୟରେ ଆସନ୍ତା ସେପ୍ଟେମ୍ବର ସୁଦ୍ଧା ଧାର୍ଯ୍ୟ ଲକ୍ଷ୍ୟଥିବା ସମସ୍ତ ୩ହଜାର ୬୫୨ ଗ୍ରାମକୁ ସୌରଶକ୍ତି ଯୋଗେ ପାନୀୟଜଳ ଯୋଗାଣ ବ୍ୟବସ୍ଥା କରାଯିବା ନେଇ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ନିଷ୍ପତ୍ତି ହୋଇଛି । ଲୋକସେବା ଭବନରେ ଗ୍ରାମ୍ୟ ପାନୀୟଜଳ ଯୋଗାଣ ପ୍ରକଳ୍ପର ସ୍ଥିତି ସମ୍ପର୍କରେ ସମୀକ୍ଷା କରି ଶ୍ରୀ ଆହୁଜା ମାର୍ଚ୍ଚ ୨୦୨୭ ମସିହା ସୁଦ୍ଧ ସମସ୍ତ ପ୍ରକଳ୍ପ କାର୍ଯ୍ୟ ଶେଷ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

# ଲକ୍ଷପତି ଦିଦି ସମ୍ମିଳନୀ

ଭୁବନେଶ୍ୱର ଲୋକସେବା ଭବନରେ ଆୟୋଜିତ ଲକ୍ଷପତି ଦିଦି ସମ୍ମିଳନୀ ୨୦୨୫ ଉଦ୍‌ଯାପିତ ହୋଇଛି । ଏହି ଅବସରରେ ଡିଜିଟାଲ ବଜାର ପ୍ରବେଶ ଓ ସ୍ଥାୟୀ ଜୀବିକା ସଂପ୍ରସାରଣ ଲକ୍ଷ୍ୟରେ ଓପନ ନେଟଓ୍ୱର୍କ ଫର ଡିଜିଟାଲ କମର୍ସ ଏବଂ ଇଣ୍ଡସ୍‌ଟ୍ରି ଫାଉଣ୍ଡେସନ ସହ ୨ଟି ଚୁକ୍ତି ସ୍ୱାକ୍ଷରିତ ହୋଇଛି । ସମ୍ମିଳନୀରେ ରାଜ୍ୟର ୩୦୦ରୁ ଅଧିକ ଲକ୍ଷପତି ଦିଦି ଓ ସ୍ୱୟଂସହାୟକ ଗୋଷ୍ଠୀର ସଦସ୍ୟମାନେ ସାମିଲ ହୋଇଥିଲେ ।

# ପୁଲିସ ସେବା-ପଦୋନ୍ନତି

ଓଡ଼ିଶା ପୁଲିସ ସେବାର ୧୬ଜଣ ଅଧିକାରୀଙ୍କୁ ପଦୋନ୍ନତି ମିଳିଛି । ଗୃହ ବିଭାଗର ବିଜ୍ଞପ୍ତି ଅନୁସାରେ ୧୬ଜଣ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ପାହ୍ୟାକୁ ପଦୋନ୍ନତି ପାଇଛନ୍ତି । ପରବର୍ତ୍ତୀ ଆଦେଶ ପର୍ଯ୍ୟନ୍ତ ପଦୋନ୍ନତି ପାଇଥିବା ଅଧିକାରୀମାନେ ନିଜ ସ୍ଥାନରେ କାର୍ଯ୍ୟ ଜାରି ରଖିବେ ବୋଲି ବିଜ୍ଞପ୍ତିରେ କୁହାଯାଇଛି ।

# ରଥଯାତ୍ରା-ସମନ୍ୱୟ ବୈଠକ

ବିଶ୍ୱପ୍ରସିଦ୍ଧ ପୁରୀ ରଥଯାତ୍ରାକୁ ଦୃଷ୍ଟିରେ ରଖି ରାଜ୍ୟ ପରିବହନ ପ୍ରାଧିକରଣ ପକ୍ଷରୁ ଏକ ସମନ୍ୱୟ ବୈଠକ ଅନୁଷ୍ଠିତ ହୋଇଛି । ଭୁବନେଶ୍ୱରସ୍ଥିତ ପ୍ରାଧିକରଣ ମୁଖ୍ୟାଳୟରେ ଆୟୋଜିତ ବୈଠକରେ ରଥଯାତ୍ରା ପାଇଁ ପୁରୀକୁ ସ୍ୱତନ୍ତ୍ର ବସ୍ ଚଳାଚଳ ପାଇଁ ନିଷ୍ପତ୍ତି ହୋଇଛି । ଏହାସହ ଯାତ୍ରୀମାନଙ୍କ ସୁବିଧାକୁ ଦୃଷ୍ଟିରେ ରଖି ବସ୍‌ଗୁଡ଼ିକୁ ପ୍ରାଥମିକ ସ୍ୱାସ୍ଥ୍ୟସେବା କିଟ୍ ଯୋଗାଇ ଦିଆଯିବ ବୋଲି ବୈଠକରୁ ଜଣାପଡିଛି ।

# ଶୀତଲଷ୍ଠୀ-ଦେବ ନିମନ୍ତ୍ରଣ

ସମ୍ବଲପୁରର ପ୍ରସିଦ୍ଧ ଶୀତଲଷଷ୍ଠୀ ଯାତ୍ରା ପାଇଁ ଗତକାଲି ଦେବନିମନ୍ତ୍ରଣ କାର୍ଯ୍ୟକ୍ରମ ବା ଗୁଆଗୁଣ୍ଡା ଅନୁଷ୍ଠିତ ହୋଇଛି । ଝାଡୁଆପଡାର ଲୋକନାଥ ବାବା, ମୋଦୀପଡାର ଜାଗେଶ୍ୱର ବାବା, ବଡବଜାରର ଶୀତଳେଶ୍ୱର ବାବାଙ୍କ ସମେତ ବିଭିନ୍ନ ଯାତ୍ରା କମିଟି ପକ୍ଷରୁ ଦେବନିମନ୍ତ୍ରଣ ବା ହନୁମାନ ନିଉତା ସରିଛି । ସେହିପରି ଆଜି ଗଣ୍ଡାଳଫିଂଟା, ହଳଦୀ କାର୍ଯ୍ୟକ୍ରମ ଓ ରାତିରେ ବରଯାତ୍ରୀ ତଥା ବିବାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ।

ଭୁବନେଶ୍ୱରରେ ପ୍ରଭୁ ଲିଙ୍ଗରାଜଙ୍କ ସହ ମା' ପାର୍ବତୀଙ୍କ ବିବାହ କାର୍ଯ୍ୟ ଗତକାଲି ପାରମ୍ପରିକ ନୀତି ଅନୁସାରେ ଶେଷ ହୋଇଛି । ସେବାୟତମାନେ ରାତିରେ ଠାକୁରାଣୀଙ୍କୁ ପାଲିଙ୍କିରେ ନେଇ ମା' ଗୌରୀଙ୍କ ମନ୍ଦିରରେ ଅବସ୍ଥାନ କରିଥିଲେ । ପାଲିଆ ସେବାୟତମାନେ ବେଦୀରେ ବିବାହ କାର୍ଯ୍ୟ ସମ୍ପନ୍ନ କରାଇବା ପରେ ଦେବଦମ୍ପତି ମନ୍ଦିର ସିଂହାସନକୁ ବିଜେ କରିଥିଲେ ।

# ଆଖଣ୍ଡଳମଣି

ଭଦ୍ରକ ଜିଲ୍ଲା ଆରଡିର ଆଖଣ୍ଡଳମଣିଙ୍କ ପୀଠରେ ଆଜି ଶିବପାର୍ବତୀ ବିବାହ ଉତ୍ସବ ଅନୁଷ୍ଠିତ ହେବ । ଏ ନେଇ ଜିଲ୍ଲା ପ୍ରଶାସନ ପକ୍ଷରୁ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଥିବା ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟ କହିଛନ୍ତି ।

# ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟ ଗଭୀର ଅବପାତ ଦୁର୍ବଳ ହୋଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ୧୨ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ଅପରପକ୍ଷରେ ଆସନ୍ତା ୨ରୁ ୭ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ପାଗ ପ୍ରାୟତଃ ଶୁଖିଲା ରହିବାର ସମ୍ଭାବନା ଥିବା ପାଣିପାଗ କେନ୍ଦ୍ର ପକ୍ଷରୁ କୁହାଯାଇଛି ।